## ଆଜି ଅନୁଗୋଳ ଜିଲ୍ଲାରୁ ୧୯୮ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୩୮୯୪ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୨୯ ଜଣ ।

ଅନୁଗୋଳ,ତା.୨୬.୯:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୯୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ଆଜି ୦୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୭୦ ରେ ପହଂଚିଲା । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ତାଳଚେର ବ୍ଲକରୁ ସର୍ବାଧିକ ୪୧ ଜଣ ( ୩୨ଜଣ ପୁରୁଷ ଓ ୦୯ ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୩୫ ଜଣ (୨୪ ଜଣ ପୁରୁଷ ଓ ୧୧ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୨୯ ଜଣ (୧୯ ଜଣ ପୁରୁଷ ଓ ୧୦ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୫ ଜଣ (୧୬ ଜଣ ପୁରୁଷ ଓ ୯ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୪ ଜଣ ( ୧୪ଜଣ ପୁରୁଷ ଓ ୧୦ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୫ ଜଣ (୧୪ ଜଣ ପୁରୁଷ ଓ ୧ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୪ ଜଣ ( ୯ ଜଣ ପୁରୁଷ ଓ ୫ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୮ ଜଣ ( ୭ ଜଣ ପୁରୁଷ ଓ ୧ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୭ ଜଣ ( ୬ଜଣ ପୁରୁଷ ଓ ୧ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୨୯ ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୧୨ ଜଣ କୋଭିଡ ହସପିଟାଲରୁ ଓ ୧୧୭ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୪୯ ତା.୨୬.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୨୬।୯।୨୦

ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ, ଅନୁଗୋଳ